ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ

ଓଡ଼ିଶା କୃଷି ଓ ୍ୃଫୈଷୟିକ ଫିଶ୍ୱଫିଦୟା□ୟ

ଭୁବନେଶ୍ୱର, ଓଡ଼ିଶା

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 06-01-2026

ଜଗତସିଂହପୁର(ଓଡିଶା) - :2026-01-06 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2026-01-07 | 2026-01-08 | 2026-01-09 | 2026-01-10 | 2026-01-11 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 23.0 | 23.0 | 25.0 | 26.0 | 26.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 13.0 | 13.0 | 13.0 | 11.0 | 11.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 78 | 69 | 69 | 69 | 64 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 31 | 29 | 27 | 24 | 26 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 11 | 13 | 12 | 12 | 9 |
| ପବନର ଦିଗ (ଡିଗ୍ରୀ) | 11 | 7 | 10 | 14 | 345 |
| ମେଘାଚ୍ଛନ (ଅକ୍ଟା) | 0 | 1 | 2 | 3 | 3 |
| ସତର୍କବାଣୀ | ଶୀତ ଲହର | ଶୀତ ଲହର | ଶୀତ ଲହର | କୌଣସି ସତର୍କତା ନାହିଁ | କୌଣସି ସତର୍କତା ନାହିଁ |

## ପୂର୍ବାନୁମାନ ସାରାଂଶ:

ଭାରତୀୟ ପାଣିପାଗ ବିଭାଗ ର ପୂର୍ବନୁମାନ ଅନୁସାରେ, ଜିଲ୍ଲାରେ ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ପରିଷ୍କାର ରୁ ଆଂଶିକ ମେଘୁଆ ରହିବାର ସମ୍ଭାବନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ପବନ ୦୯ – 13 କି.ମି. ପ୍ରତି ଘଣ୍ଟା ବେଗରେ ପ୍ରବାହିତ ହେବାର ସୂଚନା ରହିଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ସର୍ବୋଚ୍ଚ ତାପମାତ୍ରା ୨୩ - ୨୬ °C ମଧ୍ୟରେ ରହିବାର ସମ୍ଭାବନା ଥିବାବେଳେ ସର୍ବନିମ୍ନ ତାପମାତ୍ରା ୧୧ - ୧୩ °C ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ଆବହାବିକ ସତର୍କତା (ପରବର୍ତ୍ତୀ ଦିନ 08:30 IST ଯାଁଚାଯିବାକୁ):

ନାହିଁ

## ଆବହାବିକ ସତର୍କତାର କୃଷି ଉପରେ ସମ୍ଭାବ୍ୟ ପ୍ରଭାବ ଓ ସଂଶ୍ଲିଷ୍ଟ ଏଗ୍ରୋମେଟ ପରାମର୍ଶ:

ନାହିଁ

### ସାଧାରଣ ଉପଦେଶ:

| |
|---|
| □ ପାଣିପାଗ ବିଭାଗ, ଭୁବନେଶ୍ୱରର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଜଗତସିଂଘପୁର, କେନ୍ଦ୍ରାପଡା, ଖୋର୍ଦ୍ଧା ଓ ପୁରୀ ଜିଲ୍ଲାରେ ପାଗ ଶୁଖିଲା ରହିବାର ସମ୍ଭାବନା ରହିଅଛି । □ ଧାନ ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନ ରେ ୨ – ଗ୍ରାମ Carbendazim କିମ୍ବା ୩-ଗ୍ରାମ Carboxin ଏବଂ Thiram ର ମିଳିତ ଫିମ୍ପିନାଶକ ମିଶାଇ ବିଶୋଧନ କରନ୍ତୁ । □ ସକାଳ ଓ ସନ୍ଧ୍ୟା ସମୟରେ ଶୀତ ଦିନିଆ ପନିପରିବା ରେ ଜଳ ସେଚନ କରନ୍ତୁ । □ ଗଜା ଧାନ କୁ କାଦୁଅ ଜମିରେ ଡ୍ରମସିଡର କିମ୍ବା ଛଟା ବୁଣା କରି ଦିଅନ୍ତୁ । ତଳି ଭଲ ବଢିବା ଏବଂ ଚେର ମାଟି କୁ ଧରିବା ପାଇଁ ଜମିରେ ପତଳା ପାଣି ସ୍ତର ରଖନ୍ତୁ । □ ତଳିଘରା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ ଧାନ ବୁଣି ସାରିବା ପରେ ତଳିଘରା ଉପରେ ଶୁଖିଲା ଗୋବର ଖତ ଗୁଣ୍ଡ ର ଏକ ପତଳା ଆସ୍ତରଣ ପକାନ୍ତୁ । ତଳିଘରା ରେ ସନ୍ଧ୍ୟା ସମୟ ରେ ବୋରେୱେଲ୍ ପାଣି ଦ୍ୱାରା ଜଳସେଚନ କରନ୍ତୁ ଏବଂ ଠିଆ ପାଣି କାଟି ଦେଇ ମାଟି କୁ ଓଦା ରଖନ୍ତୁ । ଅତ୍ୟଧିକ ଶୀତ ହେଉଥିବା ଅଞ୍ଚଳ ରେ ତଳିଘରା କୁ ରାତ୍ରି ସମୟ ରେ ପଲିଥିନ ସାହାର୍ଯ୍ୟ ରେ ଘୋଡାଇ ରଖନ୍ତୁ । □ ସୂର୍ଯ୍ୟମୁଖୀ ଫସଲ ବର୍ତମାନ ୨୫-୩୦ ଦିନ ଅବଧିରେ ଅଛି । କୋଡାଖୋସା କରି ଘାସ ବାଛି ଯବକ୍ଷାରଜାନ ଯୁକ୍ତ ସାର କୁ ପ୍ରୟୋଗ କରନ୍ତୁ । □ ମାଟି ତଳେ ଆଳୁ ଭଲ ଭାବେ ବଢିବା ପାଇଁ ମାଟି ତାପମାତ୍ରା ୩୦°C ରୁ କମ୍ ରହିବା ଉଚିତ । ତେଣୁ ଆଳୁ ଫସଲରେ ଜଳସେଚନ କରନ୍ତୁ । □ କମ ତାପମାତ୍ରା ଯୋଗୁଁ ରବି ଫସଲରେ ଶୋଷକ କୀଟ, ପତ୍ରପୋଡା ଓ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ତେଣୁ ନିୟମିତ ଫସଲରେ ପୋକ ଏବଂ ରୋଗର ସର୍ବେକ୍ଷଣ କରନ୍ତୁ ଏବଂ ସେହି ଅନୁଯାୟୀ ଉପଯୁକ୍ତ ସୁରକ୍ଷା ପଦକ୍ଷେପ ନିଅନ୍ତୁ । |

### ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| □ ଧାନ ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନ ରେ ୨ – ଗ୍ରାମ Carbendazim କିମ୍ବା ୩-ଗ୍ରାମ Carboxin ଏବଂ Thiram ର ମିଳିତ ଫିମ୍ପିନାଶକ ମିଶାଇ ବିଶୋଧନ କରନ୍ତୁ । |

### ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | □ କାଦୁଅ ବୁଣା ଧାନ- ଯେଉଁ ଚାଷୀ ଭାଇ ମାନେ କାଦୁଅ ବୁଣା ଧାନ କରିବାକୁ ଯାଉଛନ୍ତି ମୂଳ ସାର ହିସାବ ରେ ଶେଷ କାଦୁଅ କରିବା ସମୟ ରେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି, ୩୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ। ବାଲିଆ ଜମି ହୋଇଥିଲେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି,୧୫ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ । ଜମି ରେ ଜିଙ୍କ ଅଣୁସାର ର ଅଭାବ ଦେଖା ଦେଉଥିଲେ ପ୍ରତି ୩ ବର୍ଷରେ ଏକର ପ୍ରତି ୧୦ କିଲୋଗ୍ରାମ ଜିଙ୍କ ସଲଫେଟ ୨୧ ଶତକଡା ଅଣୁସାର କୁ ଶେଷ କାଦୁଅ କରିବା ସମୟ ରେ ପ୍ରୟୋଗ କରନ୍ତୁ। ଗଜା ଧାନ କୁ ଛଟା ବୁଣା କରନ୍ତୁ କିମ୍ବା ଡ୍ରମ ସିଡର ସାହାର୍ଯ୍ୟ ରେ ବୁଣନ୍ତୁ । |
| ବାଦାମ | □ ଜଉ ପୋକ ଓ ପତ୍ର ଉକୁଣି ପୋକ- ଚିନାବାଦାମ ଫସଲରେ ପ୍ରାଥମିକ ଅବସ୍ଥାରେ ଜଉ ପୋକ ଓ ପତ୍ର ଉକୁଣି ପୋକ ର ଆକ୍ରମଣ କମ ଦେଖା ଦେଉଥିଲେ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖା ଦେଲେ ରାସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ମିଲି Imidacloprid ନାମକ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ସୋରିଷ | □ ପତ୍ରଛନ୍ଦା ପୋକ ଓ କରତିଆ ମାଛି ପରିଚାଳନା ସୋରିଷ ଫସଲ ରେ ପତ୍ରଛନ୍ଦା ପୋକ ଓ କରତିଆ ମାଛି ର ପରିଚାଳନା ପାଇଁ ଏକର ପ୍ରତି ୨୦୦ ମିଲି Ethofenprox ନାମକ କୀଟନାଶକ କିମ୍ବା ୪୦୦ ମିଲି Chloropyriphos ଏବଂ Cypermethrine ର ମିଳିତ କୀଟନାଶକ, 200 ଲିଟର ପାଣି ରେ ମିଶାଇ ସିଞ୍ଚନ କରନ୍ତୁ। ମହୁମାଛି ର ଚଳପ୍ରଚଳ ରେ ବାଧା ନ ଦେବା ପାଇଁ ଅପରାହ୍ନ ସମୟରେ କିଟନାଶକ କୁ ପ୍ରୟୋଗ କରନ୍ତୁ । |
| ମୁଗ | □ ସାହେବୀ ରୋଗ ବର୍ତମାନ ସମୟରେ ମୁଗ ଓ ବିରି ଫସଲ ରେ ସାହେବୀ ରୋଗ ଲାଗିବାର ସମ୍ଭାବନା ଅଛି । ଧଳା ମାଛି, ସାହେବୀ ରୋଗ ର ବାହକ ଅଟେ । ଧଳା ମାଛି ର ନିୟନ୍ତ୍ରଣ ପାଇଁ ଏକର ପ୍ରତି triazophos @ ୪୦୦ ମିଲି କିମ୍ବା Acetamipride @ ୪୦ ଗ୍ରାମ, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ಮೆಣಸಿನ್ ಕಾಠಿ | □ ଅଷ୍ଟପଦୀ ପୋକ ର ପରିଚାଳନା ଲଙ୍କାମରିଚ ଫସଲରେ ଅଷ୍ଟପଦୀ ର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି Ethion ନାମକ କୀଟନାଶକ କିମ୍ବା ୨୦୦-ମିଲି Spiromesifen ନାମକ କୀଟନାଶକ କିମ୍ବା ୬୦୦-ମିଲି Propargite ନାମକ କୀଟନାଶକ, ୨୦୦-ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ଲଙ୍କା | □ ଅଷ୍ଟପଦୀ ପୋକ ର ପରିଚାଳନା ଲଙ୍କାମରିଚ ଫସଲରେ ଅଷ୍ଟପଦୀ ର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି Ethion ନାମକ କୀଟନାଶକ କିମ୍ବା ୨୦୦-ମିଲି Spiromesifen ନାମକ କୀଟନାଶକ କିମ୍ବା ୬୦୦-ମିଲି Propargite ନାମକ କୀଟନାଶକ, ୨୦୦-ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । |
| ଫୁଲକୋବି | □ କୋବି ଜାତୀୟ ପନିପରିବା ଫସଲରେ ଅଲ୍ଟରନାରିଆ ପତ୍ରଦାଗ ରୋଗର ପରିଚାଳନା ପାଇଁ ଏକର ପ୍ରତି ୬୦୦ ଗ୍ରାମ Mancozeb କିମ୍ବା ୪୦୦ ଗ୍ରାମ Carbendazim ଓ Mancozeb ର ମିଳିତ ଫିମ୍ପିନାଶକକୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ଟମାଟର | □ ବର୍ତମାନ ସମୟରେ କୁହୁଡିଆ ପାଗ ଯୋଗୁଁ ଟମାଟୋ ରେ ଜଉ ପୋକ ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ ପାଇଁ ନିମ୍ବ ଆଧାରିତ ତେଲ @ ୬୦୦ ପିପିଏମ କିମ୍ବା Flonicam @ ୬୦ ଗ୍ରାମ ଏକର ପ୍ରତି ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| | □ ଗୋଲାପ ଗଛ ରେ ଉକୁଣିଆ ପୋକ ଆକ୍ରମଣ ଦେଖାଦେଲେ ପ୍ରତି ଲିଟର ପାଣିରେ Fenpyroximate ୫% EC @ ୨ ମିଲି କିମ୍ବା Abamactin @୧ ମିଲି ମିଶାଇ ସିଞ୍ଚନ କରନ୍ତୁ \| |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | □ ବର୍ତମାନ ଗାଈ ଗୋରୁଙ୍କ ଠାରେ ଚର୍ମବିଣ୍ଡି ରୋଗ ବ୍ୟାପୁଛି । ଏହି ରୋଗ ର ଲକ୍ଷଣରେ ଦେହରେ ଆବୁ ଫଳି ଯିବା ସହ ଜ୍ୱର ଆସିଥାଏ ଓ ଦୁଗ୍ଧ ଉତ୍ପାଦନ କମିଯାଇଥାଏ । ଏହି ରୋଗ ମୁଖ୍ୟତଃ ମଶା, ମାଛି ଓ ଡାଆସ ଦ୍ୱାରା ବ୍ୟାପିଥାଏ । ତେଣୁ ଗୁହାଳ ପରିସରକୁ ସଫା ରଖନ୍ତୁ। ଲକ୍ଷଣ ଦେଖାଦେଲେ ତୁରନ୍ତ ପ୍ରାଣୀ ଚିକିତ୍ସକ ଙ୍କ ସହ ଯୋଗାଯୋଗ କରନ୍ତୁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଚିଚକ | ଶୀତ ଋତୁରେ କୁକୁଡା ମାନଙ୍କୁ ଅଧିକ ପରିମାଣର ଖାଦ୍ୟ ଓ ପାଣି ଦିଅନ୍ତୁ । ତାପମାତ୍ରା ନିୟନ୍ତ୍ରଣ ପାଇଁ କୁକୁଡା ଗୃହ ରେ ୨୦୦ ୱାଟର ବଲବ ଲଗାନ୍ତୁ । କୁକୁଡା ମାନଙ୍କୁ ଉଚିତ ସମୟରେ ଟୀକା କରଣ କରନ୍ତୁ । |

## ଆବହାଵିକ ସତର୍କତାର ସମ୍ଭାବ୍ୟ ପ୍ରଭାବ (ସାଧାରଣ):

| |
|---|
| ନାହିଁ |

## ପ୍ରଭାବ ଆଧାରିତ ପରାମର୍ଶ (ସାଧାରଣ):

| |
|---|
| ନାହିଁ |

**Farmers are advised to download Unified �Mausam� and "Meghdoot" android application on mobile for Weather forecast and weather based Agromet Advisories and "Damini" android application for forecast of Thunderstorm and lightening.**

**Mausam MobileApp link: https://play.google.com/store/apps/details/**

**Meghdoot MobileApp link: https://play.google.com/store/apps/details**

**Damini MobileApp link : https://play.google.com/store/apps/details**